# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**26 September– 2026**

## ନିଯୁକ୍ତିମେଳା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ନୂତନ ଭାବେ ଚୟନ ହୋଇଥିବା ୪ଟି ବିଭାଗର ୧ ହଜାର ୧୦୧ ଜଣ ପ୍ରାର୍ଥୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିବେ । ଭୁବନେଶ୍ୱରସ୍ଥିତ କୃଷି ଶିକ୍ଷା ସଦନ ଅଡିଟୋରିୟମ୍‌ଠାରେ ଅପରାହ୍ନରେ ଆୟୋଜନ ହେବାକୁ ଥିବା ନିଯୁକ୍ତିମେଳାରେ ମୁଖ୍ୟମନ୍ତ୍ରୀ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ୯୦୬ ଜଣ, ଅର୍ଥ ବିଭାଗର ୧୦୬, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ୭୨ ଏବଂ ସମବାୟ ବିଭାଗର ୧୭ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିବେ । ଏହି ଅବସରରେ ସ୍ୱାସ୍ଥ୍ୟ ଓ ଆରୋଗ୍ୟ ସଂପର୍କିତ ମାନସିକ ସ୍ୱାସ୍ଥ୍ୟ ନିର୍ଦ୍ଦେଶାବଳୀ ପୁସ୍ତକର ମୁଖ୍ୟମନ୍ତ୍ରୀ ଉନ୍ମୋଚନ କରିବାର କାର୍ଯ୍ୟସୂଚୀ ରହିଛି ।

## ରାଜ୍ୟପାଳ

ଥାଲାସିମିଆ ବା ରକ୍ତଶିକୁଳିରେ ପୀଡ଼ିତ ରୋଗୀଙ୍କୁ  ଚିହ୍ନଟ କରିବା ପାଇଁ ନିରନ୍ତର ସଚେତନତା କାର୍ଯ୍ୟକ୍ରମ ଆୟୋଜନ  କରିବା ଲାଗି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଭାରତୀୟ ରେଡ୍‌କ୍ରସ ସୋସାଇଟିର ଓଡ଼ିଶା ଶାଖାକୁ ଆହ୍ୱାନ ଦେଇଛନ୍ତି । ଭୁବନେଶ୍ୱର ଲୋକଭବନସ୍ଥିତ ନୂଆ ଅଭିଷେକ ସମ୍ମିଳନୀ କକ୍ଷରେ ଗତକାଲି ଅନୁଷ୍ଠିତ ବୈଠକରେ ଅଧ୍ୟକ୍ଷତା

କରି ରାଜ୍ୟପାଳ ଦୀର୍ଘକାଳୀନ ସଚେତନତା ଅଭିଯାନର ଆବଶ୍ୟକତା ଉପରେ ଗୁରୁତ୍ୱଆରୋପ କରିଛନ୍ତି ।

## ବର୍ଷା

ପଶ୍ଚିମ କେନ୍ଦ୍ରୀୟ ଏବଂ ତତ୍ ସଂଲଗ୍ନ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟ ଗଭୀର ଅବପାତ ଦୁର୍ବଳ ହୋଇ ଅବପାତରେ ପରିଣତ ହୋଇଛି । ଆସନ୍ତା ୧୨ ଘଣ୍ଟା ମଧ୍ୟରେ ଏହା ଆହୁରି ଦୁର୍ବଳ ହୋଇ ଲଘୁଚାପ କ୍ଷେତ୍ରରେ ପରିଣତ ହେବାର ସମ୍ଭାବନା ରହିଛି । ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଅନୁଯାୟୀ, ଅବପାତ ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ପର୍ଯ୍ୟନ୍ତ  ସୁନ୍ଦରଗଡ଼, ଝାରସୁଗୁଡ଼ା ଓ ବରଗଡ଼ରେ ପ୍ରବଳ ବର୍ଷା ସମ୍ଭାବନା ରହିଛି ।

ଲଗାଣ ବର୍ଷା ଯୋଗୁଁ ୧୦ଟି ଜିଲ୍ଲାର ୫୬ଟି ବ୍ଲକର ୨୭୨ଟି ପଞ୍ଚାୟତ ପ୍ରଭାବିତ ହୋଇଥିବା ବେଳେ ୭ଟି ସହରାଞ୍ଚଳର ୨୮ଟି ୱାର୍ଡ ପ୍ରଭାବିତ ହୋଇଛି । ବିପର୍ଯ୍ୟୟ ଓ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି, ଲଗାଣ ବର୍ଷା ଯୋଗୁଁ ୧୮ ହଜାର ୪୬୬ ଜଣ ଲୋକ ପ୍ରଭାବିତ ହୋଇଛନ୍ତି । ଗତ ୨୪ ଘଣ୍ଟା ମଧ୍ୟରେ ନବରଙ୍ଗପୁର ଜିଲ୍ଲା ତେନ୍ତୁଳିଖୁଣ୍ଟିରେ ସର୍ବାଧିକ ୩୯୫ ମିଲିମିଟର ବର୍ଷା ରେକର୍ଡ କରାଯାଇଛି ।

ଲଗାଣ ବର୍ଷାକୁ ଦୃଷ୍ଟିରେ ରଖି କଟକ, ମାଲକାନଗିରି, ନବରଙ୍ଗପୁର ଓ ନୂଆପଡ଼ା ଜିଲ୍ଲାର ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ର ଓ ବିଦ୍ୟାଳୟ ବନ୍ଦ ରଖିବାକୁ ଘୋଷଣା କରାଯାଇଥିବା ବେଳେ ଭଦ୍ରକ ଜିଲ୍ଲାର ୭ଟି ବ୍ଲକର ୩୯୯ଟି ବିଦ୍ୟାଳୟକୁ ଛୁଟି ଘୋଷଣା କରାଯାଇଛି । ଭଦ୍ରକ ଜିଲ୍ଲାର ଆଖୁଆପଦାଠାରେ ବୈତରଣୀ ନଦୀ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି । ମାଲକାନଗିରି ଜିଲ୍ଲାରେ ୨ହଜାର ୨ଶହ ଅଣଷଠୀ ଜଣଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଥିବା ଜିଲ୍ଲା ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

## ବନ୍ଦର ମାନ୍ୟତା

କେନ୍ଦ୍ର ସରକାର ଦେଶର ୪ଟି ପ୍ରମୁଖ ବନ୍ଦରକୁ ମେଗା ବନ୍ଦର ମାନ୍ୟତା ପ୍ରଦାନ କରିଛନ୍ତି । ଓଡ଼ିଶାର ପାରାଦୀପ ବନ୍ଦରକୁ ଏହି ମାନ୍ୟତା ମିଳିଛି । ନିର୍ଦ୍ଧାରିତ ମାନଦଣ୍ଡର ମୂଲ୍ୟାଙ୍କନ ପରେ ବନ୍ଦର, ଜାହାଜ ଚଳାଚଳ ଓ ଜଳପଥ ମନ୍ତ୍ରଣାଳୟ ପକ୍ଷରୁ ପାରାଦୀପ ବନ୍ଦରକୁ ଏହି ମାନ୍ୟତା ପ୍ରଦାନ କରାଯାଇଥିବା ଜଣାପଡ଼ିଛି ।

## ଆଙ୍ଗନ

ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ଆଜି ଆଙ୍ଗନ କାର୍ଯ୍ୟକ୍ରମର ଉଦ୍‌ଘାଟନ ହେବ । ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଆଭାସୀ ମାଧ୍ୟମରେ ଏହାର ଶୁଭାରମ୍ଭ କରିବେ ।

# ବୈଠକ

ପୁରୀ ଶ୍ରୀମନ୍ଦିର ପରିଚାଳନା କମିଟିର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଆଜି ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ଅଧ୍ୟକ୍ଷତାରେ ଶ୍ରୀମନ୍ଦିର କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହେବ । ବୈଠକରେ ଚଳିତବର୍ଷ ଘୋଷଯାତ୍ରାରେ ସହଯୋଗ କରିଥିବା ସେବକ ଓ କର୍ମଚାରୀଙ୍କୁ କୃତଜ୍ଞତା ଜ୍ଞାପନ ସହ ରତ୍ନଭଣ୍ଡାର ଗଣତି ମଣତି ପ୍ରସଙ୍ଗରେ ଆଲୋଚନା ହେବାର କାର୍ଯ୍ୟକ୍ରମ ରହିଛି। ସୂଚନା ଅନୁଯାୟୀ ୨୦୨୫-୨୬ ଆର୍ଥିକ ବର୍ଷର ଚୂଡ଼ାନ୍ତ ଅଡିଟ୍ ରିପୋର୍ଟ ବୈଠକରେ ଉପସ୍ଥାପନ କରାଯିବ ।

# ପରୀକ୍ଷା

ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଓଡ଼ିଶା ମାଧ୍ୟମିକ ବିଦ୍ୟାଳୟ ଶିକ୍ଷକ ଯୋଗ୍ୟତା ପରୀକ୍ଷା-ଓଏସଏସ୍‌ଟିଇଟି ୨୦୨୬ ଆସନ୍ତା ୩୦ ତାରିଖରେ ଅନୁଷ୍ଠିତ ହେବ । ସକାଳ ୯ଟାରୁ ପୂର୍ବାହ୍ନ ୧୧ଟା ୩୦ ମିନିଟ୍ ପର୍ଯ୍ୟନ୍ତ ଗୋଟିଏ ସିଟିଂରେ ପରୀକ୍ଷା କରାଯିବ । ପରୀକ୍ଷା ପାଇଁ ୱେବ୍‌ସାଇଟ୍‌ରେ ଆଡମିଟ୍‌କାର୍ଡ ଉପଲବ୍ଧ ହେଉଛି ।

# ଇନ୍ଦ୍ର ଗୋବିନ୍ଦ ବନ୍ଦାପନା

ପୁରୀ ଶ୍ରୀମନ୍ଦିରରେ ଆଜି ଇନ୍ଦ୍ର ଗୋବିନ୍ଦ ବନ୍ଦାପନା ଓ ଇନ୍ଦ୍ରହସ୍ତୀ ପ୍ରସ୍ତାବ ନୀତି ଅନୁଷ୍ଠିତ ହେବ । ହରଚଣ୍ଡୀ ସାହି ଆଖଡ଼ା ଅନ୍ତର୍ଗତ ବାଶେଲୀ ସାହିରୁ ଇନ୍ଦ୍ର ହାତୀ ଆସିବା ପରେ ଏହି ନୀତି ଅନୁଷ୍ଠିତ ହେବ । ଏହି ଅବସରରେ ସନ୍ଧ୍ୟା ଆଳତୀ ବେଶରେ ମହାପ୍ରଭୁଙ୍କୁ ମାଳଲାଗି ହେବା

ପରେ ଛାମୁ ଦିହୁଡ଼ି ସହ ଦୋଳଗୋବିନ୍ଦଙ୍କୁ ବିଜେ କରାଯାଇ ସିଂହାସନରେ ରଖାଯିବ । ଦୋଳଗୋବିନ୍ଦଙ୍କୁ ମୁକ୍ତିମଣ୍ଡପ ନିକଟରେ ଥିବା ପାଲିଙ୍କିରେ ବିଜେ କରାଯିବା ପରେ ଶୀତଳ ଭୋଗ ଲାଗି ହେବ ।

## ପରିବେଶ ସ୍ୱାସ୍ଥ୍ୟ ଦିବସ

ନିରନ୍ତର ଜୀବନ ଅଭ୍ୟାସକୁ ପ୍ରୋତ୍ସାହିତ କରିବା ଲକ୍ଷ୍ୟ ନେଇ ଆଜି ବିଶ୍ୱ ପରିବେଶ ସ୍ୱାସ୍ଥ୍ୟ ଦିବସ ପାଳନ କରାଯାଉଛି । ପରିବେଶ ପ୍ରଦୂଷଣ,ଜଳବାୟୁ ପରିବର୍ତ୍ତନ, ଶିଳ୍ପାୟନ, ସହରୀକରଣ ଆଦି ଦ୍ୱାରା ମାନବ ସ୍ୱାସ୍ଥ୍ୟପ୍ରତି ସୃଷ୍ଟ ବିପଦ ସଂପର୍କରେ ସଚେତନତା ସୃଷ୍ଟି କରିବା ଏହି ଦିବସ ପାଳନର ମୁଖ୍ୟ ଉଦ୍ଦେଶ୍ୟ । ଚଳିତ ବର୍ଷ ଏହି ଦିବସର ବାର୍ତ୍ତା ରହିଛି **ପରିବେଶଗତ ସ୍ୱାସ୍ଥ୍ୟ ସଂପ୍ରଦାୟକୁ ସୁରକ୍ଷା ଦେବା ନିମନ୍ତେ ବିଜ୍ଞାନ ସହିତ ସହମତ ହେବା ।**

## ବ୍ୟାଙ୍କ ଧର୍ମଘଟ

ସର୍ବଭାରତୀୟ ସ୍ତରରେ ଚଳିତମାସ ୨୮ରୁ ୩୦ ତାରିଖ ପର୍ଯ୍ୟନ୍ତ ପ୍ରସ୍ତାବିତ ବ୍ୟାଙ୍କ ଧର୍ମଘଟ ଯୋଗୁଁ ରାଷ୍ଟ୍ରାୟତ୍ତ ବ୍ୟାଙ୍କ ଏଟିଏମ୍‌ରୁ ଟଙ୍କା ଉଠାଇବା ଲାଗି କୌଣସି ଶୁଳ୍କ ପଡ଼ିବ ନାହିଁ ବୋଲି ସୂଚନା ମିଳିଛି । ଅନ୍ୟପକ୍ଷରେ ଆସନ୍ତାକାଲି ରବିବାର ବ୍ୟାଙ୍କ ଖୋଲା ରହିବ ବୋଲି ଷ୍ଟେଟ୍‌ବ୍ୟାଙ୍କ ପକ୍ଷରୁ ସୂଚନା ମିଳିଛି ।

# ଏସିଆନ ଗେମ୍ସ

ଜାପାନରେ ଚାଲିଥିବା ଏସୀୟ କ୍ରୀଡ଼ାରେ ୧୦ ମିଟର ଏୟାର ପିସ୍ତଲ ମିକ୍ସଡ ଟିମ୍ ଇଭେଣ୍ଟରେ ସୁରୁଚି ସିଂ ଓ କମଲ୍‌ଜିତ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି । ହକିରେ ଭାରତୀୟ ମହିଳା ଦଳ ପୁଲ୍-ବି ମ୍ୟାଚ୍‌ରେ ୩-୧ ଗୋଲ୍‌ରେ ଜାପାନକୁ ପରାସ୍ତ କରିଛି । ୫୦ ମିଟର ରାଇଫଲ ପୋଜିସନ୍‌ରେ ୩ ଭାରତୀୟ ଖେଳାଳି ରୌପ୍ୟ ପଦକ ହାସଲ କରିଛନ୍ତି ।